# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

**5 October - 2024**

**News Editor : Itishree Singh Rathaur**

**********************************

## ମୁଖ୍ୟ ସମ୍ବାଦ

- କେନ୍ଦ୍ର ସରକାରଙ୍କ ସମସ୍ତ ନୀତି ଓ ନିଷ୍ପତ୍ତି ବିକଶିତ ଭାରତକୁ ସମର୍ପିତ; କହିଲେ ପ୍ରଧାନମନ୍ତ୍ରୀ

– ୯ କୋଟିରୁ ଉର୍ଦ୍ଧ୍ୱ କୃଷକଙ୍କୁ ପ୍ରଦାନ କଲେ ପିଏମ୍ କିଷାନ ଯୋଜନାର ୧୮ତମ କିସ୍ତି

– ରାଜ୍ୟରେ ៣୧ ଲକ୍ଷରୁ ଅଧିକ କୃଷକଙ୍କୁ ମିଳିଲା ୬୮୯ କୋଟିରୁ ଉର୍ଦ୍ଧ୍ୱ ସହାୟତା ରାଶି

- ସହିଦ ବାଜିରାଉତଙ୍କ ଜନ୍ମଜୟନ୍ତୀରେ ମୁଖ୍ୟମନ୍ତ୍ରୀଙ୍କ ଘୋଷଣା; ଆଗାମୀ ଦିନରେ ପାଳିତ ହେବ ରାଜ୍ୟସ୍ତରୀୟ ବାଜିରାଉତ ଉତ୍ସବ

- ଭୁବନେଶ୍ୱରରେ ସ୍ୱଚ୍ଛତା ହିଁ ସେବା କାର୍ଯ୍ୟକ୍ରମରେ ଯୋଗଦେଇ ସଫେଇ ମିତ୍ରଙ୍କୁ ସମ୍ବର୍ଦ୍ଧିତ କଲେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ

ଏବଂ

- ରାଜ୍ୟର ୧୨ଟି ଜିଲ୍ଲାରେ ବଜ୍ରପାତ ସହ ବର୍ଷା ହେବା ନେଇ ସତର୍କ ସୂଚନା ଜାରି

***Desk***

## ପ୍ରଧାନମନ୍ତ୍ରୀ- ପିଏମ କିଷାନ କିସ୍ତି

କେନ୍ଦ୍ର ସରକାରଙ୍କ ସମସ୍ତ ନୀତି ଓ ନିଷ୍ପତ୍ତି ବିକଶିତ ଭାରତକୁ ସମର୍ପିତ କରାଯାଇଛି। କୃଷକମାନେ ବିକଶିତ ଭାରତର ଆଧାର ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି। ମହାରାଷ୍ଟ୍ରର ୱାସିମ୍‌ଠାରେ ଆଭାସୀ ଜରିଆରେ ପ୍ରଧାନମନ୍ତ୍ରୀ କିଷାନ ସମ୍ମାନନିଧି ଯୋଜନାର ୧୮ତମ କିସ୍ତି ପ୍ରଦାନ ଅବସରରେ ପ୍ରଧାନମନ୍ତ୍ରୀ କହିଛନ୍ତି, ଦେଶରେ କୃଷକଙ୍କ ବିକାଶ ପାଇଁ ଅନେକ ପଦକ୍ଷେପ ନିଆଯାଉଛି। କୃଷି ଭିତ୍ତିଭୂମି ସୁଦୃଢ଼ କରିବା ଓ କୃଷକଙ୍କ କଲ୍ୟାଣ ପାଇଁ ବିଭିନ୍ନ ଯୋଜନା କାର୍ଯ୍ୟକାରୀ କରିବା ଦିଗରେ ସରକାର କାର୍ଯ୍ୟ କରୁଛନ୍ତି। ପ୍ରଧାନମନ୍ତ୍ରୀ ଆଜି ଦେଶର ୯ କୋଟି ୪୦ ଲକ୍ଷ କୃଷକଙ୍କୁ ପ୍ରତ୍ୟକ୍ଷ ହସ୍ତାନ୍ତର ସୁବିଧା ମାଧ୍ୟମରେ ୨ ହଜାର ଟଙ୍କା ଲେଖାଏଁ ୨୦ ହଜାର କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ସହାୟତା ରାଶି ଦେଇଛନ୍ତି।

ଭୁବନେଶ୍ୱର ଲୋକସେବା ଭବନରେ ଆୟୋଜିତ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି, ରାଜ୍ୟର ୩୧ ଲକ୍ଷ ୫୧ ହଜାର ୭୦୦ରୁ ଊର୍ଦ୍ଧ୍ୱ ଚାଷୀଙ୍କୁ ଆଜି ୬୮୯ କୋଟି ୧୧ ଲକ୍ଷ

ଟଙ୍କା ପ୍ରଦାନ କରାଯାଇଛି। ଯେଉଁ କୃଷକମାନେ ଏହି ଯୋଜନାରେ ସାମିଲ ହୋଇ ନାହାଁନ୍ତି ସେମାନଙ୍କୁ ଅନ୍ତର୍ଭୁକ୍ତ କରିବା ଲାଗି ବ୍ଲକସ୍ତରରେ ଆସନ୍ତା ନଭେମ୍ବର ୮ ତାରିଖ ପର୍ଯ୍ୟନ୍ତ ସ୍ୱତନ୍ତ୍ର ଅଭିଯାନ ଆୟୋଜନ କରାଯାଉଛି। ଯୋଗ୍ୟ ହିତାଧିକାରୀମାନେ ମଧ୍ୟ ଜନସେବା କେନ୍ଦ୍ର ଜରିଆରେ ଏଥିପାଇଁ ଆବେଦନ କରିପାରିବେ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

***Desk***

## ବାଜିରାଉତ ଜନ୍ମଜୟନ୍ତୀ

ଭାରତ ଇତିହାସରେ ସର୍ବକନିଷ୍ଠ ସହିଦ ସ୍ୱାଧୀନତା ସଂଗ୍ରାମୀ ଭାବେ ମାନ୍ୟତା ପାଇଥିବା ସହିଦ ବାଜିରାଉତଙ୍କ ଜନ୍ମଜୟନ୍ତୀ ଅବସରରେ ଆଜି ରାଜ୍ୟର ବିଭିନ୍ନ ସ୍ଥାନରେ ତାଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଉଛି। ଢେଙ୍କାନାଳ ଜିଲ୍ଲା ନୀଳକଣ୍ଠପୁରରେ ୧୯୨୬ ମସିହା ଅକ୍ଟୋବର ୫ ତାରିଖରେ ଜନ୍ମଗ୍ରହଣ କରିଥିବା ବାଜିରାଉତ ମାତ୍ର ୧୨ ବର୍ଷ ବୟସରେ ଇଂରେଜମାନଙ୍କ ବିରୁଦ୍ଧରେ ଲଢ଼ି ଦେଶ ମାତୃକା ପାଇଁ ନିଜ ଜୀବନର ବଳିଦାନ ଦେଇଥିଲେ।

ବାଜିରାଉତଙ୍କ ଜନ୍ମଜୟନ୍ତୀଙ୍କୁ ଆଗାମୀ ଦିନରେ ରାଜ୍ୟସ୍ତରରେ ବ୍ୟାପକଭାବେ ପାଳନ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ଭୁବନେଶ୍ୱର ଜୟଦେବ ଭବନରେ ଆୟୋଜିତ

ବାଜିରାଉତଙ୍କ ଜୟନ୍ତୀ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି, ଦେଶ ପାଇଁ ନିଜର ଜୀବନକୁ ଉତ୍ସର୍ଗ କରି ନିଜର ତ୍ୟାଗ, ବଳିଦାନ ଓ ଦେଶପ୍ରେମ ସମସ୍ତଙ୍କୁ ଗୌରବାନ୍ୱିତ କରିଥିବା ସହିଦ୍ ବାଜିରାଉତଙ୍କ ଓଡ଼ିଶା ଇତିହାସରେ ସ୍ୱତନ୍ତ୍ର ସ୍ଥାନ ରହିଛି । ଆଜିର ଯୁବପିଢ଼ି ତାଙ୍କର ନିଷ୍ଠା, ନୀତି ଓ ଆଦର୍ଶରେ ଅନୁପ୍ରାଣିତ ହେବାର ଆବଶ୍ୟକତା ରହିଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ଏହି କାର୍ଯ୍ୟକ୍ରମରେ ଯୋଗଦେଇ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି, ଆସନ୍ତା ୨୦୨୬ ମସିହାରେ ସହିଦ୍ ବାଜିରାଉତଙ୍କ ଜନ୍ମଜୟନ୍ତୀଙ୍କୁ ୧୦୦ ବର୍ଷ ପୂରଣ ହେବ । ଏହା ପୂର୍ବରୁ ଢେଙ୍କାନାଳ ଜିଲ୍ଲାର ନୀଳକଣ୍ଠପୁର ତାଙ୍କର ଜନ୍ମସ୍ଥାନରେ ବାଜିରାଉତଙ୍କ ପୂର୍ଣ୍ଣ ଅବୟବ ମୂର୍ତ୍ତି ସ୍ଥାପନ କରାଯିବ । ସେ କହିଛନ୍ତି, ବିକଶିତ ଭାରତ ତଥା ବିକଶିତ ଓଡ଼ିଶା ଗଠନ ହେଲେ ତାହା ସହିଦ ବାଜିରାଉତଙ୍କ ପ୍ରତି ପ୍ରକୃତ ଶ୍ରଦ୍ଧାଞ୍ଜଳି ହେବ ।

***I&PR***

## ମୁଖ୍ୟମନ୍ତ୍ରୀ- ନିଯୁକ୍ତିପତ୍ର ପ୍ରଦାନ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରାଜ୍ୟର ବିଭିନ୍ନ ପ୍ରାଥମିକ ତଥା ଉଚ୍ଚପ୍ରାଥମିକ ବିଦ୍ୟାଳୟଗୁଡ଼ିକରେ ୧୬ ହଜାର ୯ ଜଣ କନିଷ୍ଠ ଶିକ୍ଷକ/ଶିକ୍ଷୟିତ୍ରୀଙ୍କୁ ଆଜି ନିଯୁକ୍ତିପତ୍ର ପ୍ରଦାନ କରିବେ । ଭୁବନେଶ୍ୱରର କଳିଙ୍ଗ ଷ୍ଟାଡିୟମଠାରେ ଆଜି ଆୟୋଜିତ ହେବାକୁ ଥିବା ନିଯୁକ୍ତି ସମାରୋହରେ ମୁଖ୍ୟମନ୍ତ୍ରୀ ନିଯୁକ୍ତିପତ୍ର ପ୍ରଦାନ କରିବା ସହ ଗୁଣାତ୍ମକ ଶିକ୍ଷାଦାନ ନିମନ୍ତେ ଶିକ୍ଷକ ଶିକ୍ଷୟିତ୍ରୀମାନଙ୍କୁ ମାର୍ଗଦର୍ଶନ କରାଇବେ ।

ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଦ୍ୱାରା ଆୟୋଜିତ ହେବାକୁ ଥିବା ଏହି କାର୍ଯ୍ୟକ୍ରମରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂଦେଓ, ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଏବଂ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ପ୍ରମୁଖ ଯୋଗଦେବେ।

***I&PR***

## ମୁଖ୍ୟମନ୍ତ୍ରୀ- ଜନଅଭିଯୋଗ ଶୁଣାଣି

ମୁଖ୍ୟମନ୍ତ୍ରୀଙ୍କ ଜନଅଭିଯୋଗ ଶୁଣାଣି ଆସନ୍ତା ୭ ଏବଂ ୧୪ ତାରିଖ ସୋମବାର ଦିନ ବନ୍ଦ ରହିବ। ୭ ତାରିଖ ସୋମବାର ଦିନ ମୁଖ୍ୟମନ୍ତ୍ରୀଙ୍କ ଅନ୍ୟ ଗୁରୁତ୍ୱପୂର୍ଣ୍ଣ ସରକାରୀ କାର୍ଯ୍ୟ ଓ ୧୪ ତାରିଖରେ ଦୁର୍ଗାପୂଜା ଭସାଣି ପାଇଁ ଜନଶୁଣାଣି ବନ୍ଦ ରହିବା ନେଇ ସାଧାରଣ ପ୍ରଶାସନ ଓ ଅଭିଯୋଗ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି।

***HS***

## ଧର୍ମେନ୍ଦ୍ର ପ୍ରଧାନ- ସ୍ୱଚ୍ଛ ଭାରତ

କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଆଜି ଭୁବନେଶ୍ୱରରେ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେଇଛନ୍ତି। ସ୍ୱଚ୍ଛତା ହିଁ ସେବା କାର୍ଯ୍ୟକ୍ରମରେ ଯୋଗଦେଇ ଶ୍ରୀ ପ୍ରଧାନ ରାଜ୍ୟରେ ପ୍ରବାସୀ ଭାରତୀୟ ଦିବସ ପାଳନ କରାଯିବ ବୋଲି ଘୋଷଣା କରିଛନ୍ତି। କେନ୍ଦ୍ରମନ୍ତ୍ରୀ ଚନ୍ଦ୍ରଶେଖରପୁର ମଙ୍ଗଳା ବସ୍ତିରେ ସଫେଇ ମିତ୍ରଙ୍କୁ ସମ୍ବର୍ଦ୍ଧିତ କରିଛନ୍ତି। ଏ ସମ୍ପର୍କରେ ସାମାଜିକ ଗଣମାଧ୍ୟମରେ କେନ୍ଦ୍ରମନ୍ତ୍ରୀ ଉଲ୍ଲେଖ କରିଛନ୍ତି, ସ୍ୱଚ୍ଛ ଭାରତ

ମିଶନ ୧୦ ବର୍ଷ ପୂରଣ କରିଛି । ଏହି ଅବସରରେ ସେ ସ୍ୱଚ୍ଛତାକୁ ନିଜ ଜୀବନର ଏକ ଅବିଚ୍ଛେଦ୍ୟ ଅଙ୍ଗ କରିବା ପାଇଁ ସମସ୍ତେ ସଂକଳ୍ପ ନେବାକୁ ଆହ୍ୱାନ ଦେଇଛନ୍ତି ।

ଶ୍ରୀ ପ୍ରଧାନ ଆଜି ସକାଳେ ଚନ୍ଦ୍ରଶେଖରପୁରସ୍ଥିତ ବୁଦ୍ଧ ଜୟନ୍ତୀ ପାର୍କରେ ମା' ପାଇଁ ଗଛଟିଏ କାର୍ଯ୍ୟକ୍ରମରେ ଚାରାରୋପଣ କରିଛନ୍ତି ।

***Desk***

## ଆନ୍ତର୍ଜାତିକ ଶିକ୍ଷକ ଦିବସ

ସମାଜ ପ୍ରତି ଶିକ୍ଷକମାନଙ୍କ ଅବଦାନ ଏବଂ ସେମାନଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକାକୁ ସମ୍ମାନ ଜଣାଇବା ଉଦ୍ଦେଶ୍ୟରେ ଆଜି ସାରା ବିଶ୍ୱରେ ପାଳିତ ହେଉଛି ଆନ୍ତର୍ଜାତିକ ଶିକ୍ଷକ ଦିବସ । ଶିକ୍ଷକମାନେ କେବଳ ଜ୍ଞାନ ଦିଅନ୍ତି ନାହିଁ ବରଂ ଛାତ୍ରଛାତ୍ରୀମାନଙ୍କର ଚରିତ୍ର ଓ ବ୍ୟକ୍ତିତ୍ୱର ବିକାଶ କରିଥାଆନ୍ତି । ୧୯୬୬ ମସିହାରେ ୟୁନେସ୍କୋ ଦ୍ୱାରା ଶିକ୍ଷକମାନଙ୍କ ଅଧିକାର ଓ ଦାୟିତ୍ୱ ଉପରେ ଏକ ସମ୍ମିଳନୀ ଆୟୋଜିତ ହୋଇଥିଲା । ସମ୍ମିଳନୀରେ ଶିକ୍ଷକମାନଙ୍କ ଅଧିକାର ଓ ଦାୟିତ୍ୱ, ନିଯୁକ୍ତି ଏବଂ ଶିକ୍ଷାଦାନ ଓ ଶିକ୍ଷାର ମାନଦଣ୍ଡ ସ୍ଥିର କରିବା କ୍ଷେତ୍ରରେ ୟୁନେସ୍କୋର ସୁପାରିସ ଗ୍ରହଣ କରାଯାଇଥିଲା । ସେହି ବର୍ଷଠାରୁ ପ୍ରତ୍ୟେକ ବର୍ଷ ଆଜିର ଦିନକୁ ଶିକ୍ଷକ ଦିବସ ଭାବେ ପାଳନ କରାଯାଇଆସୁଛି । ଚଳିତ ବର୍ଷ ଏହି ଦିବସର ବାର୍ତ୍ତା ରହିଛି 'ଶିକ୍ଷାର ଉନ୍ନତି ପାଇଁ ଶିକ୍ଷକଙ୍କ ଅବଦାନକୁ ଗୁରୁତ୍ୱ ଦେବା' ।

*Puri*

## ପୁରୀ-ଦୁର୍ଗାପୂଜା

ପୁରୀରେ ଦୁର୍ଗାପୂଜାରେ ବହୁ ପର୍ଯ୍ୟଟକ ଓ ଭକ୍ତଙ୍କ ସମାଗମକ ଦୃଷ୍ଟିରେ ରଖି ଶ୍ରୀମନ୍ଦିର ସିଂହଦ୍ୱାର ନିକଟରେ ବ୍ୟାରିକେଡ ନିର୍ମାଣ କାର୍ଯ୍ୟ କରାଯାଉଛି । ଭିଡ଼ ନିୟନ୍ତ୍ରଣ ଓ ଭକ୍ତଙ୍କ ଶୃଙ୍ଖଳିତ ଦର୍ଶନ ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ଏହି ବ୍ୟବସ୍ଥା କରାଯାଉଛି । ନିର୍ମାଣ କାର୍ଯ୍ୟ ଶୀଘ୍ର ଶେଷ କରିବା ନେଇ ପୁରୀ ଜିଲ୍ଲାପାଳ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ସୂଚନା ଦେଇଛନ୍ତି ।

*Puri*

## ଶ୍ରୀକ୍ଷେତ୍ର ଦୁର୍ଗାପୂଜା

ଆଶ୍ୱିନ ମାସ ଶୁକ୍ଳପକ୍ଷ ତିଥିରୁ ମା’ ଜଗତଜନନୀଙ୍କ ଶାରଦୀୟ ଦୁର୍ଗାପୂଜା ଆରମ୍ଭ ହୋଇଛି । ଶ୍ରୀକ୍ଷେତ୍ର ପୁରୀର ଅଧିଷ୍ଠାତ୍ରୀ ଦେବୀ ମା’ ବିମଳାଙ୍କ ନିକଟରେ ଷୋଡ଼ଶ ଦିନାତ୍ମକ ସ୍ୱତନ୍ତ୍ର ପୂଜାର୍ଚ୍ଚନା ଅନୁଷ୍ଠିତ ହେଉଛି । ଦୁର୍ଗା ମାଧବ ଉପାସନା ପରମ୍ପରା ଅନୁସାରେ ହେଉଥିବା ଗୁପ୍ତଗୁଣ୍ଡିଚା ଯାତ୍ରା ସମ୍ପର୍କରେ ଆମ ସମ୍ବାଦଦାତା ସୌମିତ୍ର ରଞ୍ଜନ ହରିଚନ୍ଦନଙ୍କ ରିପୋର୍ଟ...

**- V/O –**

***CTC***

## କ୍ରିକେଟ

ରଣଜୀ ଟ୍ରଫି କ୍ରିକେଟ ପ୍ରତିଯୋଗିତାର ପ୍ରଥମ ଦୁଇଟି ମ୍ୟାଚ୍ ଲାଗି ଓଡ଼ିଶା କ୍ରିକେଟ ସଂଘ ଖେଳାଳିମାନଙ୍କ ନାମ ଘୋଷଣା କରିଛି। ମନୋନୟନ କମିଟି ଅଧ୍ୟକ୍ଷ ଅମୀୟ ରାୟ ଏବଂ ମୁଖ୍ୟ ପ୍ରଶିକ୍ଷକ ସୁରେନ୍ଦର ଭାବେଙ୍କ ଉପସ୍ଥିତିରେ ୧୭ ଜଣିଆ ଓଡ଼ିଶା ଦଳ ଘୋଷଣା କରାଯାଇଛି। ଦଳରେ ଗୋବିନ୍ଦ ପୋଦ୍ଦାରଙ୍କୁ ଅଧିନାୟକ ନିଯୁକ୍ତ କରାଯାଇଥିବା ବେଳେ ଦୁଇଜଣ ନୂଆ ଖେଳାଳି ଅନୀଲ ପରିଡ଼ା ଓ ସୁମିତ ଶର୍ମାଙ୍କୁ ଦଳରେ ସାମିଲ କରାଯାଇଛି। ସୂଚନା ଅନୁଯାୟୀ, ଓଡ଼ିଶା ଦଳ ଚଳିତ ମାସ ୧୧ରୁ ୧୪ ତାରିଖ ପର୍ଯ୍ୟନ୍ତ ଅଗରତାଲାରେ ତ୍ରିପୁର ବିପକ୍ଷରେ ପ୍ରଥମ ମ୍ୟାଚ୍ ଖେଳିବ ସେହିଭଳି ୧୮ରୁ ୨୧ ତାରିଖ ପର୍ଯ୍ୟନ୍ତ କଟକ ବାରବାଟୀ ଷ୍ଟାଡ଼ିୟମରେ ଦ୍ୱିତୀୟ ମ୍ୟାଚ୍ ଜମ୍ମୁ-କଶ୍ମୀର ସହିତ ଖେଳିବ ବୋଲି ସୂଚନା ମିଳିଛି।

***Desk***

## ପାଣିପାଗ

ଉତ୍ତର ବଙ୍ଗୋପସାଗର ଓ ଏହାର ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ସୃଷ୍ଟ ଲଘୁଚାପ ରାଜ୍ୟକୁ ବିଶେଷ ପ୍ରଭାବ ପକାଇବ ନାହିଁ ବୋଲି ପାଣିପାଗ ବିଭାଗ ପକ୍ଷରୁ ଅନୁମାନ କରାଯାଇଛି । ଲଘୁଚାପ ଯୋଗୁଁ ଆସନ୍ତା ସୋମବାର ପର୍ଯ୍ୟନ୍ତ ରାଜ୍ୟର କେତେକ ସ୍ଥାନରେ ସାମାନ୍ୟ ବର୍ଷା ହେବାର

ସମ୍ଭାବନା ରହିଛି।  ଆସନ୍ତା ୨୪ ଘଣ୍ଟା ମଧ୍ୟରେ ୧୨ଟି ଜିଲ୍ଲାରେ ବଜ୍ରପାତ ସହ ବର୍ଷା ହେବା ନେଇ ପାଣିପାଗ ବିଭାଗ ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି। ଅପରପକ୍ଷରେ ଗତ ୨୪ ଘଣ୍ଟା ମଧ୍ୟରେ ମୟୂରଭଞ୍ଜ ଜିଲ୍ଲାର ଚନ୍ଦନପୁରରେ ସର୍ବାଧିକ ୮୦ ଦଶମିକ ୪ ମିଲିମିଟର ବର୍ଷା ରେକର୍ଡ଼ ହୋଇଛି ।